# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**24th June - 2026**

**********************************

*Desk*

## ସାମୁଦ୍ରିକ ସୁରକ୍ଷା ବୈଠକ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ମଲ୍ଟି-ଏଜେନ୍ସି ସାମୁଦ୍ରିକ ସୁରକ୍ଷା ଗ୍ରୁପ୍ ନୀତି ବୈଠକରେ ଯୋଗଦେବେ । ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆୟୋଜିତ ହେବାକୁ ଥିବା କାର୍ଯ୍ୟକ୍ରମରେ ସାମୁଦ୍ରିକ ସୁରକ୍ଷାର ବିଭିନ୍ନ ପଦକ୍ଷେପ ଓ ଦିଗ ସମ୍ପର୍କରେ ଆଲୋଚନା ହେବ ।

*IPR*

## ଶ୍ୟାମାପ୍ରସାଦ - ବଳିଦାନ ଦିବସ

ରାଷ୍ଟ୍ର ପ୍ରଥମ ନୀତିରେ ଅନୁପ୍ରାଣିତ ହୋଇ ସମୃଦ୍ଧ ଓଡ଼ିଶା ଓ ବିକଶିତ ଭାରତ ଗଠନପାଇଁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଯୁବପିଢ଼ିକୁ ଆହ୍ୱାନ ଦେଇଛନ୍ତି । ଭୁବନେଶ୍ୱର ଜୟଦେବ ଭବନଠାରେ ଆୟୋଜିତ ଡକ୍ଟର ଶ୍ୟାମାପ୍ରସାଦ ମୁଖାର୍ଜୀଙ୍କ ବଳିଦାନ ଦିବସ କାର୍ଯ୍ୟକ୍ରମରେ ଯୋଗଦେଇ ଶ୍ରୀ ମାଝୀ' ଦେଶ ଓ ରାଜ୍ୟକୁ ଦୁର୍ବଳ କରୁଥିବା ଦୁର୍ନୀତିଗ୍ରସ୍ତ ଶକ୍ତିମାନଙ୍କ ପ୍ରତି ସତର୍କ ରହିବାକୁ ଆହ୍ୱାନ ଦେଇଛନ୍ତି ।

***PIB***

## ଅଠାୱାଲେ – ଓଡ଼ିଶା ଗସ୍ତ

କେନ୍ଦ୍ର ସାମାଜିକ ନ୍ୟାୟ ଏବଂ ସଶକ୍ତୀକରଣ ରାଷ୍ଟ୍ରମନ୍ତ୍ରୀ ରାମଦାସ ଅଠାୱାଲେ ଆଜି ଓଡ଼ିଶା ଗସ୍ତରେ ଆସିବେ । ଏହି ଅବସରରେ ଶ୍ରୀ ଅଠାୱାଲେ ବରିଷ୍ଠ ଅଧିକାରୀମାନଙ୍କ ସହ ବିଭାଗୀୟ କାର୍ଯ୍ୟକ୍ରମ ଓ ଯୋଜନା ସମ୍ପର୍କରେ ସମୀକ୍ଷା କରିବେ । ପରେ ଭୁବନେଶ୍ୱରସ୍ଥିତ ରାଜ୍ୟ ଅତିଥି ଭବନରେ ଏକ ସାମ୍ବାଦିକ ସମ୍ମିଳନୀରେ ଯୋଗଦେବେ ।

***BBSR/R***

## ରାସ୍ତା ସମ୍ପ୍ରସାରଣ – ସମୀକ୍ଷା

ରାଜ୍ୟର ବିଭିନ୍ନ ସ୍ଥାନରେ କାର୍ଯ୍ୟକାରୀ ହେଉଥିବା ସଡ଼କ ସମ୍ପ୍ରସାରଣ ପ୍ରକଳ୍ପକୁ ତ୍ୱରାନ୍ୱିତ କରିବା ଏବଂ ଏକକାଳୀନ ୟୁଟିଲିଟି ସ୍ଥାନାନ୍ତର କାର୍ଯ୍ୟପାଇଁ ଶକ୍ତି ଓ ପୂର୍ତ୍ତ ବିଭାଗ ମଧ୍ୟରେ ସମନ୍ୱୟ ସୁନିଶ୍ଚିତ କରିବା ଲକ୍ଷ୍ୟରେ ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଓ ପୂର୍ତ୍ତମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ମଧ୍ୟରେ ଏକ ମିଳିତ ବୈଠକ ଅନୁଷ୍ଠିତ ହୋଇଯାଇଛି । ନିର୍ଦ୍ଧାରିତ ସମୟ ମଧ୍ୟରେ ପ୍ରକଳ୍ପ ସମ୍ପୂର୍ଣ୍ଣ କରିବାକୁ ଶକ୍ତି ଓ ପୂର୍ତ୍ତ ବିଭାଗର ଅଧିକାରୀମାନଙ୍କୁ ଶ୍ରୀ ସିଂହଦେଓ ନିର୍ଦ୍ଦେଶ ଦେଇଛନ୍ତି । ଉଭୟ ବିଭାଗ’ ସୁରକ୍ଷା, ବୈଧାନିକ

ଅନୁପାଳନ ଏବଂ କାର୍ଯ୍ୟର ଗୁଣବତ୍ତା ଅପରିବର୍ତ୍ତିତ ରଖି ସୁଗମ କାର୍ଯ୍ୟାନ୍ୱୟନ ସୁନିଶ୍ଚିତ କରିବାକୁ ବୈଠକରେ ଗୁରୁତ୍ୱାରୋପ କରାଯାଇଛି ।

***Desk***

# ଏସ୍.ଆଇ.ଆର୍. - ସମୀକ୍ଷା ବୈଠକ

ରାଜ୍ୟ ମୁଖ୍ୟ ନିର୍ବାଚନ ଅଧିକାରୀ ଆର୍.ଏସ୍. ଗୋପାଳନ୍‌ଙ୍କ ଅଧ୍ୟକ୍ଷତାରେ ସ୍ୱୀକୃତିପ୍ରାପ୍ତ ରାଜନୈତିକ ଦଳଗୁଡ଼ିକର ପ୍ରତିନିଧିମାନଙ୍କ ସହ ଭୋଟର ତାଲିକା ସ୍ୱତନ୍ତ୍ର ସଘନ ସଂଶୋଧନ ସମ୍ପର୍କିତ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଯାଇଛି । ଏକ ସମ୍ପୂର୍ଣ୍ଣ ଓ ସଠିକ୍ ଭୋଟର ତାଲିକା ପ୍ରସ୍ତୁତ କରିବାପାଇଁ ବୈଠକରେ ଗୁରୁତ୍ୱାରୋପ କରାଯାଇଛି । ଏହି ପ୍ରକ୍ରିୟାରେ କୌଣସି ଯୋଗ୍ୟ ମତଦାତା ବାଦ୍ ନ ପଡ଼ିବାପାଇଁ ପ୍ରତ୍ୟେକ ବିଧାନସଭା ନିର୍ବାଚନ ମଣ୍ଡଳୀରେ ବୁଥ୍‌ସ୍ତରୀୟ ଅଧିକାରୀ ଏବଂ ଏଜେଣ୍ଟମାନଙ୍କ ମଧ୍ୟରେ ଏକ ସମନ୍ୱୟ ବୈଠକ ଆଜି ଓ ଆସନ୍ତାକାଲି ଅନୁଷ୍ଠିତ ହେବ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି । ଏଥିସହ ଆସନ୍ତା ୫ ତାରିଖରେ ପ୍ରକାଶ ପାଇବାକୁ ଚିଠା ଭୋଟର୍ ତାଲିକା ଏବଂ ଏହି ସଂଶୋଧନ ପ୍ରକ୍ରିୟାର ପରବର୍ତ୍ତୀ ପର୍ଯ୍ୟାୟଗୁଡ଼ିକର ସୁପରିଚାଳନା ନେଇ ଆଲୋଚନା ହୋଇଛି ।

*Desk*

# ନବକୃଷ୍ଣ ଚୌଧୁରୀ - ପୁଣ୍ୟତିଥି

ଓଡ଼ିଶାର ପୂର୍ବତନ ମୁଖ୍ୟମନ୍ତ୍ରୀ ନବକୃଷ୍ଣ ଚୌଧୁରୀଙ୍କର ଆଜି ପୂଣ୍ୟ ତିଥିରେ ରାଜ୍ୟବାସୀ ଶ୍ରଦ୍ଧାଞ୍ଜଳି ଅର୍ପଣ କରୁଛନ୍ତି।  ବିଧାନସଭା ପରିସରରେ ଥିବା ତାଙ୍କ ପ୍ରତିମୂର୍ତ୍ତିରେ ମୁଖ୍ୟମନ୍ତ୍ରୀ, ଉପମୁଖ୍ୟମନ୍ତ୍ରୀ, ବାଚସ୍ପତି ଓ ମନ୍ତ୍ରିମଣ୍ଡଳର ସଦସ୍ୟ ତଥା ବିଧାୟକମାନେ ପୁଷ୍ପମାଲ୍ୟ ଅର୍ପଣ କରି ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିବେ । ସ୍ୱର୍ଗତଃ ଚୌଧୁରୀ ଏକାଧାରରେ ଜଣେ ସ୍ୱାଧୀନତା ସଂଗ୍ରାମୀ, ସମାଜବାଦୀ ତଥା ସର୍ବୋଦୟ ନେତା ଭାବେ ସମଗ୍ର ଦେଶରେ ପରିଚିତ ଥିଲେ ।

*IPR*

# ନିଶାଦ୍ରବ୍ୟ କାରବାର - ବୈଠକ

ରାଜ୍ୟରେ ନିଶାଦ୍ରବ୍ୟ କାରବାର ନିୟନ୍ତ୍ରଣ, ନିଶାମୁକ୍ତ ସମାଜ ଗଠନପାଇଁ ଜନ ସଚେତନତା ସୃଷ୍ଟି ତଥା ନିଶା କାରବାରକୁ ରୋକିବାପାଇଁ ବିଭିନ୍ନ ସଂସ୍ଥା ମାଧ୍ୟମରେ ସମନ୍ୱୟକୁ ଅଧିକ ସୁଦୃଢ଼ କରିବା ଲାଗି ଭୁବନେଶ୍ୱରସ୍ଥିତ ଲୋକସେବା ଭବନରେ ମୁଖ୍ୟଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି । ରାଜ୍ୟସ୍ତରୀୟ ନାର୍‌କୋ ସମନ୍ୱୟ କେନ୍ଦ୍ରର ସପ୍ତମ ବୈଠକରେ ଶ୍ରୀମତୀ ଗର୍ଗ’ ନିଶାଦ୍ରବ୍ୟ ନିୟନ୍ତ୍ରଣ କ୍ଷେତ୍ରରେ ବିଭିନ୍ନ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ।

***Desk***

# ରଥଯାତ୍ରା

ବିଶ୍ୱପ୍ରସିଦ୍ଧ ପୁରୀ ରଥଯାତ୍ରାର ସୁପରିଚାଳନା ନେଇ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନଙ୍କ ଅଧ୍ୟକ୍ଷତାରେ ଦ୍ୱିତୀୟ ସମନ୍ୱୟ କମିଟିବୈଠକ ଅନୁଷ୍ଠିତ ହୋଇଯାଇଛି । ଅପରପକ୍ଷରେ ପୁରୀରେ ରଥ ନିର୍ମାଣ କାର୍ଯ୍ୟ ସୁରୁଖୁରୁରେ ଆଗେଇ ଚାଲିଛି । ଏହି ସମୟରେ ଗତକାଲି ୩ ରଥର ପ୍ରଭା ନିର୍ମାଣ ଶେଷ ହୋଇଛି । ରୂପକାରମାନେ ୩ ରଥର ୨୪ ନାଟଗୋଡ଼ରେ କନ୍ଦର୍ପ ରୂପ ଖୋଦେଇ ଶେଷ କରିଛନ୍ତି ।

***Bhadrak/R***

# ଏସ୍.ଆଇ.ଆର୍.

ଭଦ୍ରକ ଜିଲ୍ଲାରେ ଭୋଟର ତାଲିକା ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟା ଜାରି ରହିଛି । ଜିଲ୍ଲାର ୯୯ ପ୍ରତିଶତ ମତଦାତାଙ୍କୁ ପରିଗଣନା ଫର୍ମ ବଣ୍ଟନ ଓ ସଂଗ୍ରହ କରାଯାଇଥିବା ପ୍ରଶାସନ ପକ୍ଷରୁ କୁହାଯାଇଛି । ବର୍ତ୍ତମାନ ସୁଦ୍ଧା ୧୧ ଲକ୍ଷ ୫୧ ହଜାର ୯୮୫ଟି ଫର୍ମ ଡିଜିଟାଇଜେସନ କାର୍ଯ୍ୟ ଶେଷ ହୋଇଛି ।

***Sonepur/R***

## ଶିଶୁଶ୍ରମିକ ଉଦ୍ଧାର

ସୁବର୍ଣ୍ଣପୁର ଜିଲ୍ଲା ପ୍ରଶାସନ ଓ ଶ୍ରମ ବିଭାଗ ପକ୍ଷରୁ ଶିଶୁଶ୍ରମିକ ଉଦ୍ଧାର ଅଭିଯାନ କରାଯାଇଥିଲା । ବିଭିନ୍ନ ହୋଟେଲ୍, ଗ୍ୟାରେଜ, ଦୋକାନରୁ ୬ ଜଣ କିଶୋର ଶ୍ରମିକଙ୍କୁ ଉଦ୍ଧାର କରାଯାଇ ଶିଶୁମଙ୍ଗଳ କମିଟିକୁ ହସ୍ତାନ୍ତର କରାଯାଇଛି ।

***Nabarangpur/R***

## ସମୃଦ୍ଧ ଓଡ଼ିଶା

ନବରଙ୍ଗପୁର ପୁଲିସ୍ ପଡ଼ିଆରେ ବ୍ଲକ୍‌ସ୍ତରୀୟ ସ୍ୱାବଲମ୍ବୀ ଯୁବା, ସମୃଦ୍ଧ ଓଡ଼ିଶା ସମାବେଶ ଅନୁଷ୍ଠିତ ହୋଇଯାଇଛି । କାର୍ଯ୍ୟକ୍ରମରେ ଯୁବପିଢ଼ିଙ୍କପାଇଁ କାର୍ଯ୍ୟକାରୀ ହେଉଥିବା ବିଭିନ୍ନ ସରକାରୀ ଯୋଜନା ଓ ନିଯୁକ୍ତି ସୁଯୋଗ ସମ୍ପର୍କରେ ଅଧିକାରୀମାନେ ସୂଚନା ପ୍ରଦାନ କରିଥିଲେ ।

***Desk***

## ଆଥ୍‌ଲେଟିକ୍ ଚାମ୍ପିୟନସିପ୍

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ଠାରେ ଆଜିଠାରୁ ୬୫ତମ ଜାତୀୟ ଆନ୍ତଃରାଜ୍ୟ ବରିଷ୍ଠ ଦୌଡ଼କୁଦ ପ୍ରତିଯୋଗିତା-୨୦୨୬ ଆରମ୍ଭ ହେଉଛି ।

୨୮ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ପ୍ରତିଯୋଗିତାରେ ୨୭ଟି ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳରୁ ପ୍ରାୟ ୬୩୦ ଜଣ ଖେଳାଳି ଭାଗ ନେଉଛନ୍ତି । ଏଥିରେ ମୋଟ୍ ୪୫ଟି ବର୍ଗରେ ପ୍ରତିଯୋଗିତା ହେବ । କୃତୀ ପ୍ରତିଯୋଗମାନେ ଆସନ୍ତା ସେପ୍ଟେମ୍ବର ମାସ ୧୯ରୁ ଅକ୍ଟୋବର ୪ ତାରିଖ ପର୍ଯ୍ୟନ୍ତ ଜାପାନରେ ହେବାକୁ ଥିବା ଏସିଆନ୍ ଗେମ୍‌ସ-୨୦୨୬ରେ ଭାଗନେବାର ସୁଯୋଗ ପାଇବେ ।

***Met. O.***

# ପାଣିପାଗ

ଦକ୍ଷିଣ-ପଶ୍ଚିମ ମୌସୁମୀ ବାୟୁ ସମ୍ପୂର୍ଣ୍ଣ ଓଡ଼ିଶାକୁ ସ୍ପର୍ଶ କରିଛି । ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଅନୁସାରେ ଆସନ୍ତା ୫ ଦିନ ପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ଅଞ୍ଚଳରେ ବର୍ଷା ହେବା ନେଇ ସମ୍ଭାବନା ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବିଜୁଳି ଓ ଘଡ଼ଘଡ଼ି ସହ ବର୍ଷା ହେବା ନେଇ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି ।

*****